The Odisha Gazette

EXTRAORDINARY

PUBLISHED BY AUTHORITY

No. 31 CUTTACK, WEDNESDAY, JANUARY 5, 2022/PAUSA 15, 1943

# ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

## ଅଧିସୂଚନା

The 10th November 2021

No. 33756—RDM-LAA-MBJ-0055-2021/ R&DM— ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ମୟୁରଭଞ୍ଜ ଜିଲ୍ଲାରେ ଦେଓ ଜଳସେଚନ ପ୍ରକଳ୍ପର ଚଉଠିଆ ସବ-ମାଇନର କେନାଲ ନିର୍ମାଣ ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା- **ନୂଆଗାଁ**, ଥାନା- କରଞ୍ଜିଆ ନଂ ୫୮ , ତହସିଲ- କରଞ୍ଜିଆ , ଜିଲ୍ଲା- ମୟୁରଭଞ୍ଜ ରେ ନିମ୍ନ ତଫସିଲ ମତେ ପ୍ରାୟ **ଏ. ୦.୨୮** ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR &R Act, 2013) ର ୧୧(୧) ଧାରା ରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ୱାରା ନିମ୍ନ ଅନୁସୂଚୀ ରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧(୧) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚୀତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

**୧- ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୁପ-** ଦେଓ ଜଳସେଚନ ପ୍ରକଳ୍ପର ଚଉଠିଆ ସବ-ମାଇନର କେନାଲ ନିର୍ମାଣ ନିମନ୍ତେ ।

**୨- ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ-** ନିର୍ବାହୀ ଯନ୍ତ୍ରୀ, ଦେଓ କେନାଲ ଡିଭିଜନ, କରଞ୍ଜିଆ, ମୟୁରଭଞ୍ଜ।

**୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ- -** ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରି କରିବା।

**୪- ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ-** ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ।

**୫- ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ-** ଭୂ-ଅର୍ଜନ ପୁନଃ ବସତି ଓ ଥଇଥାନ ଅଧିକାରୀ, କରଞ୍ଜିଆ, ମୟୁରଭଞ୍ଜ ।

**୬- ଜମିର ବିବରଣୀ-**

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍ ର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ମୟୁରଭଞ୍ଜ | କରଞ୍ଜିଆ | ନୂଆଗାଁ | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏ. ୧.୭୩ | ଏ. ୦.୨୮ | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ଭୂ-ଅର୍ଜନ ପୁନଃ ବସତି ଓ ଥଇଥାନ ଅଧିକାରୀ, କରଞ୍ଜିଆ, ମୟୁରଭଞ୍ଜ ଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ମୟୁରଭଞ୍ଜ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

**ADDITIONAL LAND SCHEDULE FOR PERMANENT ACQUISITION OF LAND FOR CHAUTHIA SUB-MINOR OF DEO IRRIGATION PROJECT**

**ମୌଜା:ନୂଆଗାଁ, ଥାନା-କରଞ୍ଜିଆ ନମ୍ବର-୫୮,ତହସିଲ-କରଞ୍ଜିଆ, ଜିଲ୍ଲା-ମୟୂରଭଞ୍ଜ**

| କ୍ରମିକ ନମ୍ବର | ଖାତା ନମ୍ବର | ପ୍ଲଟ ନମ୍ବର | ମୋଟ ରକବା | ଅଧିଗୃହିତ ରକବା | କିସମ | ପ୍ରଜାଙ୍କ ନାମ | ମନ୍ତବ୍ୟ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ୧ | ୫୩ | ୩୩୧ | ଏ୦.୫୨ | ୦. ୦୪ | ଡାହି ଏକ | ନକୁଳ ମହାନ୍ତ ପି- ପ୍ରହ୍ଲାଦ ମହାନ୍ତ,ଜା-କୁଡୁମି, ବା- ନିଜଗାଁ | |
| ୨ | ୧୦୭ | ୩୩୦ | ୦. ୪୭ | ୦. ୨୦ | ଡାହି ଏକ | ରବିନ୍ଦ୍ର ମହାନ୍ତ ପି- ପ୍ରହ୍ଲାଦ ମହାନ୍ତ,ଜା-କୁଡୁମି, ବା- ନିଜଗାଁ | |
| ୩ | ୧୨୨ | ୩୨୮ | ୦. ୭୪ | ୦. ୦୪ | ଡାହି ଏକ | ସତ୍ୟାନନ୍ଦ ମହାନ୍ତ, ପି- ଅକ୍ଷୟ ମହାନ୍ତ ଜା-କୁଡୁମି, ବା- ନିଜଗାଁ | |
| | ମୋଟ | ୩ ପ୍ଲଟ | ଏ୧. ୭୩ | ଏ୦. ୨୮ | | | |

ରାଜ୍ୟପାଳଙ୍କ ଆଦେଶକ୍ରମେ

ଅଭୟ କୁମାର ନାୟକ

ଅତିରିକ୍ତ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1645—173+25